## ଆଜି ଅନୁଗୋଳ ଜିଲ୍ଲାରୁ ୨୦ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୨୧୦୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୪ ଜଣ ।

ଅନୁଗୋଳ, ତା. ୧୩.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୨୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୨୬ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ (୫ ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଟରପାଲ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଆଜି ଅନୁଗୋଳ ପୌରାଞ୍ଚଳ, ପାଲଲହଡା ବ୍ଲକ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ଓ କିଶୋରନଗର ବ୍ଲକ୍ ପ୍ରଭୃତି ୪ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୪ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରୁ ଓ ୨୦ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୮ ତା.୧୩.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ